# REGIONAL NEWS UNIT, AIR CUTTACK

**Morning Bulletin (7.05 AM)**

**15 November – 2025**

## ଜନଜାତୀୟ ଗୌରବ ଦିବସ

ଭଗବାନ ବିର୍ସାମୁଣ୍ଡାଙ୍କର ୧୫୦ତମ ଜୟନ୍ତୀକୁ ଆଜି ଦେଶ ଜନଜାତୀୟ ଗୌରବ ଦିବସ ଭାବେ ପାଳନ କରୁଛି । ଭଗବାନ ବିର୍ସାମୁଣ୍ଡା ଭାରତୀୟ ସ୍ୱାଧୀନତା ଆନ୍ଦୋଳନ ଇତିହାସରେ ଏକ ଅସାଧାରଣ ଓ ପ୍ରମୁଖ ବ୍ୟକ୍ତିତ୍ୱ ଥିଲେ । ଭଗବାନ ବିର୍ସାମୁଣ୍ଡାଙ୍କ ଦେଶ ମାତୃକାର ଅମୂଲ୍ୟ ଅବଦାନକୁ ଚିରସ୍ମରଣୀୟ କରିବା ପାଇଁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆଜି ଗୁଜରାଟର ଦେଦିୟାପଦା ଠାରେ ୭ ହଜାର ୭ଶହ କୋଟି ଟଙ୍କା ମୂଲ୍ୟର ବିଭିନ୍ନ ଜନଜାତୀୟ ବିକାଶ ଉପକ୍ରମର ରାଷ୍ଟ୍ର ଉଦ୍ଦେଶ୍ୟରେ ଲୋକାର୍ପଣ ଓ ଭିତ୍ତିପ୍ରସ୍ତର ସ୍ଥାପନ କରିବେ ।

ଏହି କାର୍ଯ୍ୟକ୍ରମ ଅନ୍ତର୍ଗତ ରାଜ୍ୟସ୍ତରୀୟ ସମାରୋହ ଆଜି ରାଉରକେଲାଠାରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହେବ ।

## ବାଣିଜ୍ୟ ମେଳା ଉଦ୍‌ଘାଟିତ

ନୂଆଦିଲ୍ଲୀର ଭାରତ ମଣ୍ଡପମ୍‌ଠାରେ ଆୟୋଜିତ ୪୪ତମ ଭାରତ ଆନ୍ତର୍ଜାତିକ ବାଣିଜ୍ୟ ମେଳାରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଓଡ଼ିଶା ମଣ୍ଡପକୁ ଉଦ୍‌ଘାଟନ କରିଛନ୍ତି । ରାଜ୍ୟର ଅନନ୍ୟ କଳା, ସଂସ୍କୃତି,

ଐତିହ୍ୟ, ବାଣିଜ୍ୟ ତଥା ରାଜ୍ୟର ସାମଗ୍ରିକ ବିକାଶର ପ୍ରତିଛବି ଏଥିରେ ପ୍ରତିଫଳିତ ହେଉଛି ବୋଲି ଶ୍ରୀମତୀ ପରିଡ଼ା କହିଛନ୍ତି ।

**V/O**

ଗତକାଲିଠାରୁ ଆରମ୍ଭ ହୋଇଥିବା ଭାରତ ଆନ୍ତର୍ଜାତିକ ବାଣିଜ୍ୟ ମେଳା ଆସନ୍ତା ୨୭ତାରିଖ ପର୍ଯ୍ୟନ୍ତ ଚାଲିବ ।

---

# ବିଜୟ ପ୍ରମାଣପତ୍ର

ନୂଆପଡ଼ା ବିଧାନସଭା ଉପନିର୍ବାଚନ ଫଳାଫଳ ଘୋଷଣା ହୋଇଛି । ରିଟର୍ଣ୍ଣିଂ ଅଧିକାରୀ ସୁରମୀ ସୋରେନ ବିଜେପି ପ୍ରାର୍ଥୀ ଜୟ ଢ଼ୋଲକିଆଙ୍କୁ ବିଜୟ ପ୍ରମାଣପତ୍ର ପ୍ରଦାନ କରିଛନ୍ତି । ଆଜି ଶ୍ରୀ ଢ଼ୋଲକିଆ ଭୁବନେଶ୍ୱରରେ ମୁଖ୍ୟମନ୍ତ୍ରୀଙ୍କୁ ସାକ୍ଷାତ କରିବେ ବୋଲି ଜଣାପଡ଼ିଛି । ।

ନୂଆପଡ଼ା ବିଧାନସଭା ଉପନିର୍ବାଚନରେ ବିଜେପି ପ୍ରାର୍ଥୀ ଜୟ ଢ଼ୋଲକିଆ ୧ ଲକ୍ଷ ୨୩ ହଜାର ୭୫୮ ଖଣ୍ଡ ଭୋଟ୍ ପାଇ ବିଜୟୀ ହୋଇଥିବା ବେଳେ କଂଗ୍ରେସ ପ୍ରାର୍ଥୀ ଘାସିରାମ ମାଝୀ ୪୦ ହଜାର ୧୨୧ ଖଣ୍ଡ ଭୋଟ୍ ଏବଂ ବିଜେଡ଼ି ପ୍ରାର୍ଥିନୀ ସ୍ନେହାଙ୍ଗିନୀ ଛୁରିଆ ୩୮ ହଜାର ୪୦୮ ଖଣ୍ଡ ଭୋଟ୍ ପାଇଛନ୍ତି ।

---

# ସୁରଭି

ଭୁବନେଶ୍ୱର ୟୁନିଟ୍-୩ କ୍ୟାପିଟାଲ୍ ହାଇସ୍କୁଲ୍‌ରେ ୩ ଦିନ ଧରି ଚାଲିଥିବା ରାଜ୍ୟ ସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି' ଗତକାଲି ସନ୍ଧ୍ୟାରେ ଶେଷ

ହୋଇଛି । ଉଦ୍‌ଯାପନୀ ସମାରୋହରେ ବିଦ୍ୟାଳୟ ଓ ଗଣଶିକ୍ଷାମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ଉପସ୍ଥିତ ରହି ଛାତ୍ରଛାତ୍ରୀମାନଙ୍କୁ ଉତ୍ସାହିତ କରିବା ସହିତ ବିଭିନ୍ନ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀମାନଙ୍କୁ ପୁରସ୍କାର ବିତରଣ କରିଥିଲେ । ଶିକ୍ଷା ବ୍ୟବସ୍ଥାରେ ପ୍ରଯୁକ୍ତିବିଦ୍ୟାକୁ ଗୁରୁତ୍ୱ ଦେଇ ସମସ୍ତ ଦିଗରୁ ଛାତ୍ରଛାତ୍ରୀମାନଙ୍କୁ ସ୍ୱୟଂସଂପୂର୍ଣ୍ଣ ହେବାକୁ ପଡ଼ିବ ବୋଲି ମନ୍ତ୍ରୀ ଶ୍ରୀ ଗଣ୍ଡ କହିଥିଲେ । ଚଳିତବର୍ଷ ସୁରଭି କାର୍ଯ୍ୟକ୍ରମରେ ପ୍ରାୟ ୨ ହଜାର ୪ଶହରୁ ଊର୍ଦ୍ଧ୍ୱ ଛାତ୍ରଛାତ୍ରୀ, ଶିକ୍ଷକ ଶିକ୍ଷୟିତ୍ରୀ ଯୋଗ ଦେଇଥିଲେ ।

# ଆଳୁ-ବୈଠକ

ରାଜ୍ୟରେ ଆଳୁ ଉପଲବ୍ଧକୁ ସୁନିଶ୍ଚିତ କରିବା ପାଇଁ ଆଳୁ କ୍ରେତା ଓ ବିକ୍ରେତାମାନଙ୍କର ଏକ ସମ୍ମିଳନୀ ଭୁବନେଶ୍ୱରଠାରେ ଖାଉଟି କଲ୍ୟାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଉତ୍ତରପ୍ରଦେଶ ରାଜ୍ୟ ଉଦ୍ୟାନ କୃଷି ସମବାୟ ମାର୍କେଟିଂ ଫେଡେରେସନ ଏବଂ ଉତ୍ତରପ୍ରଦେଶ ରାଜ୍ୟ କୃଷି ଉତ୍ପାଦ ବଜାର ବୋର୍ଡ ଆନୁକୂଲ୍ୟରେ ସୁଲଭ ମୂଲ୍ୟରେ ଖାଉଟିମାନଙ୍କୁ ଆଳୁ ଯୋଗାଣକୁ ସୁନିଶ୍ଚିତ କରିବା ପାଇଁ ବୈଠକରେ ସ୍ଥିର ହୋଇଛି ।

# ଧାନ ସଂଗ୍ରହ

ବରଗଡ଼ ଜିଲ୍ଲାରେ ଆସନ୍ତା ୨୮ ତାରିଖରୁ ଖରିଫ୍ ଧାନ ସଂଗ୍ରହ ପ୍ରକ୍ରିୟା ଆରମ୍ଭ ହେବ । ଜିଲ୍ଲାର ୧୨ଟି ବ୍ଲକ ଏବଂ ବରଗଡ଼, ଅତାବିରା ଓ ପଦ୍ମପୁର ଆରଏମ୍‌ସିରୁ ମୋଟ୍ ୨୧୦ଟି ପିପିସି ମାଧ୍ୟମରେ ଧାନ ସଂଗ୍ରହ

କରିବା ନେଇ ଜିଲ୍ଲାପାଳ ଆଦିତ୍ୟ ଗୋଏଲ୍‌ଙ୍କ ଅଧ୍ୟକ୍ଷତାରେ ଗତକାଲି ଏକ ବୈଠକ ହୋଇଯାଇଛି ।  କଳାବଜାରି ରୋକିବା ପାଇଁ ଜିଲ୍ଲା ଏବଂ ଉପଖଣ୍ଡ ସ୍ତରୀୟ କଣ୍ଟ୍ରୋଲ ରୁମ୍‌ରେ ୨୪ଘଣ୍ଟିଆ ସିସିଟିଭିର ବ୍ୟବସ୍ଥା କରାଯାଇଛି । ଚଳିତବର୍ଷ ଧାନ ସଂଗ୍ରହରେ ସ୍ୱଚ୍ଛତା ଆଣିବା ପାଇଁ ଠକେଇ କଲେ ତୁରନ୍ତ ଥାନାରେ ଏତଲା ଦେବା କିମ୍ବା ଟୋଲ୍ ଫ୍ରି ନମ୍ବର-୧୯୬୭ ଏବଂ ୦୬୬୪୬- ୨୪୬-୦୪୧ରେ ଯୋଗାଯୋଗ କରିବା ପାଇଁ ବୈଠକରେ ନିଷ୍ପତ୍ତି ହୋଇଛି ।

---

## ଧାନ କ୍ରୟ କମିଟି ବୈଠକ

ଖୋର୍ଦ୍ଧା ଜିଲ୍ଲା ଯୋଗାଣ ବିଭାଗ ଦ୍ୱାରା  ଜିଲ୍ଲାପାଳ ଅମ୍ରିତ ଋତୁରାଜଙ୍କ ଅଧକ୍ଷତାରେ ଧାନ କ୍ରୟ କମିଟି ସଦସ୍ୟମାନଙ୍କର ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ଚଳିତବର୍ଷ ୧୫୫ଟି ଧାନକ୍ରୟ କେନ୍ଦ୍ରରୁ ଜିଲ୍ଲାର ୧୫ଟି ମିଲରଙ୍କ ଜରିଆରେ ଧାନ କ୍ରୟ କରାଯିବ ବୋଲି ବୈଠକରେ ନିଷ୍ପତ୍ତି ହୋଇଛି ।

---

## ଶିବିର

ଗଞ୍ଜାମ ଜିଲ୍ଲାର ଶାସନ ଆମ୍ବଗାଁର ଓଡ଼ିଶା ଆଦର୍ଶ ବିଦ୍ୟାଳୟ ପରିସରରେ ଜିଲ୍ଲା ଆଇନସେବା ପ୍ରାଧିକରଣ ପକ୍ଷରୁ ଏକ ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି । ଆଇନ ସେବା ପ୍ରାଧିକରଣର ସଚିବ ବ୍ୟୋମକେଶ ନାୟକ ସଚେତନତା ଶିବିରରେ ଯୋଗଦେଇ ନାଗରିକମାନଙ୍କର ମୌଳିକ

ଅଧିକାର, ପୋକ୍ସୋ ଆଇନ ଆଦି ପ୍ରସଙ୍ଗ ଉପରେ ଆଲୋଚନା କରିଥିଲେ ।

---

# ବୈଠକ

କଳାହାଣ୍ଡି ଜିଲ୍ଲା ଭବାନୀପାଟଣାଠାରେ ଜିଲ୍ଲା ସଂଚୟ ଓ ଆର୍ଥିକ ସେବା ପକ୍ଷରୁ ସରକାରୀ କର୍ମଚାରୀ ଓ ବରିଷ୍ଠ ନାଗରିକମାନଙ୍କ ପାଇଁ ମାଗଣା ସ୍ୱାସ୍ଥ୍ୟ ଶିବିର ଅନୁଷ୍ଠିତ ହୋଇଯାଇଛି । ଅତିରିକ୍ତ ଜିଲ୍ଲାପାଳ ଏବଂ ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ପ୍ରମୁଖ ଯୋଗଦେଇ ବରିଷ୍ଠ ନାଗରିକମାନେ ସ୍ୱାସ୍ଥ୍ୟପ୍ରତି ସଚେତନ ହେବା ପାଇଁ ପରାମର୍ଶ ଦେଇଥିଲେ ।

---

# ଜିଲ୍ଲାପରିଷଦ ବୈଠକ

କୋରାପୁଟର ସଦ୍‌ଭାବନା ସଭାଗୃହଠାରେ ଜିଲ୍ଲାପରିଷଦ ଅଧକ୍ଷ ସସ୍ମିତା ମେଲେକାଙ୍କ ଅଧ୍ୟକ୍ଷତାରେ ୫୭ତମ ଜିଲ୍ଲାପରିଷଦ ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ଯୋଜନା ଓ ପର୍ଯ୍ୟବେକ୍ଷଣ, ଗ୍ରାମୀଣ ଉନ୍ନୟନ, ପାନୀୟ ଜଳ ଯୋଗାଣ ଆଦି ସମସ୍ୟା ଉପରେ ଆଲୋଚନା ହୋଇଥିଲା ।

---

# ପାଣିପାଗ

ରାଜ୍ୟର ବିଭିନ୍ନ ସ୍ଥାନରେ ଶୀତର ପ୍ରଭାବ ଜାରି ରହିଛି । ଭୁବନେଶ୍ୱର ଓ ଫୁଲବାଣୀରେ ତାପମାତ୍ରା ସ୍ୱାଭାବିକଠାରୁ ୫ ଡିଗ୍ରୀ କମ୍ ଥିବା ପାଣିପାଗ

ବିଭାଗ ପକ୍ଷରୁ କୁହାଯାଇଛି। କୋରାପୁଟର ଶିମିଳିଗୁଡ଼ାଠାରେ ରାତ୍ରିର ସର୍ବନିମ୍ନ ତାପମାତ୍ରା ୬ ଦଶମିକ ୩ ଡିଗ୍ରୀ ସେଲ୍‌ସିୟସ ରେକର୍ଡ କରାଯାଇଥିଲା । ଜି.ଉଦୟଗିରିରେ ୭ ଡିଗ୍ରୀ, ଦାରିଙ୍ଗିବାଡ଼ିରେ ୭ ଦଶମିକ ୫ ଓ ଫୁଲବାଣୀରେ ୮ ଦଶମିକ ୨ ଡିଗ୍ରୀ ସେଲ୍‌ସିୟସ୍ ସର୍ବନିମ୍ନ ତାପମାତ୍ରା ରେକର୍ଡ କରାଯାଇଥିଲା ।

.........................................................................